# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**16 December - 2024**

**News Editor *: Itishree Singh Rathaur***

---

## ଏକ ଦେଶ ଏକ ନିର୍ବାଚନ

ଲୋକସଭାରେ  ଆଜି 'ଏକ ଦେଶ ଏକ ନିର୍ବାଚନ' ସମ୍ପର୍କିତ ୨ଟି ବିଲ୍ ଆଗତ ହେବା ନେଇ କାର୍ଯ୍ୟସୂଚୀ ସ୍ଥିର ହୋଇଛି। ଆଇନ୍‌ମନ୍ତ୍ରୀ ଅର୍ଜୁନ ରାମ୍ ମେଘୱାଲ ଲୋକସଭାରେ ସମ୍ବିଧାନର ୧୨୯ତମ ସଂଶୋଧନ ବିଲ୍ ଏବଂ କେନ୍ଦ୍ରଶାସିତ ଅଂଚଳ ସଂଶୋଧନ ଆଇନ୍ ବିଲ୍ ଆଗତ କରିବେ। ସୂଚନାଯୋଗ୍ୟ, ପୂର୍ବତନ ରାଷ୍ଟ୍ରପତି ରାମନାଥ କୋବିନ୍ଦଙ୍କ ଅଧ୍ୟକ୍ଷତାରେ ଗଠିତ ଉଚ୍ଚସ୍ତରୀୟ କମିଟି ଏହି ପ୍ରସଙ୍ଗ ନେଇ  ରିପୋର୍ଟ କେନ୍ଦ୍ର ସରକାରଙ୍କ ନିକଟରେ ଦାଖଲ କରିଛନ୍ତି।  'ଏକ ଦେଶ ଏକ ନିର୍ବାଚନ'କୁ ୨ଟି ପର୍ଯ୍ୟାୟରେ କାର୍ଯ୍ୟକାରୀ କରାଯିବାକୁ କମିଟି ସୁପାରିଶ୍ କରିଛି।

---

## ମୁଖ୍ୟମନ୍ତ୍ରୀଙ୍କ ଘୋଷଣା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କୋରାପୁଟ ଜିଲ୍ଲାରେ ପର୍ଯ୍ୟଟନର ବିକାଶ ପାଇଁ ୧୦୦ କୋଟି ଟଙ୍କା ଘୋଷଣା କରିଛନ୍ତି । ଜିଲ୍ଲାରେ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ଲୋକାର୍ପଣ ଓ ଭିତ୍ତିପ୍ରସ୍ତର ସ୍ଥାପନ ଅବସରରେ ମୁଖ୍ୟମନ୍ତ୍ରୀ ଏହି ଘୋଷଣା କରିଛନ୍ତି ।

---

# ଓଡ଼ିଶା ଭିଜନ

ଓଡ଼ିଶା ଭିଜନ-୨୦୩୬ ଏବଂ ଏବଂ ୨୦୪୭ ପାଇଁ ୩ ଲକ୍ଷରୁ ଅଧିକ ନାଗରିକଙ୍କ ମତାମତ ସଂଗ୍ରହ କରାଯାଇଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏଥିପାଇଁ ସମସ୍ତ ଅଂଶଗ୍ରହଣକାରୀଙ୍କୁ କୃତଜ୍ଞତା ଜଣାଇଛନ୍ତି । ମୁଖ୍ୟମନ୍ତ୍ରୀ କହିଛନ୍ତି ପ୍ରଥମଥର ପାଇଁ ଓଡ଼ିଶା କୃତ୍ରିମ ବୁଦ୍ଧିମତ୍ତା ପ୍ରଯୁକ୍ତିବିଦ୍ୟା ବ୍ୟବହାର କରି ନାଗରିକଙ୍କ ପରାମର୍ଶକୁ ଭଲ ଭାବେ ସମୀକ୍ଷା ଓ ବିଶ୍ଲେଷଣ କରିବାରେ ସଫଳ ହୋଇଛି । ପ୍ରତ୍ୟେକ ବ୍ୟକ୍ତିଙ୍କ ଚିନ୍ତାଧାରାକୁ ବିଚାରକୁ ନିଆଯାଇଛି । ଏହି ଅଭିନବ ପଦକ୍ଷେପ ନାଗରିକଙ୍କ ଦ୍ୱାରା ପରିଚାଳିତ ନୀତି ନିର୍ଦ୍ଧାରଣ ପାଇଁ ଓଡ଼ିଶା ଅତ୍ୟାଧୁନିକ ଜ୍ଞାନକୌଶଳ ବ୍ୟବହାର କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ମୁଖ୍ୟମନ୍ତ୍ରୀ– ଅଭିଯୋଗ ଶୁଣାଣି

ମୁଖ୍ୟମନ୍ତ୍ରୀଙ୍କ ଜନଅଭିଯୋଗ ଶୁଣାଣି ଆଜି ଅନୁଷ୍ଠିତ ହେବ। ଭୁବନେଶ୍ୱର ୟୁନିଟ୍-୫ ସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ପ୍ରକୋଷ୍ଠରେ ଜନଶୁଣାଣି ହେବ। ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରି ଅଭିଯୋଗ ଜଣାଇବା ପାଇଁ ଯେଉଁମାନେ ପୂର୍ବରୁ ପଞ୍ଜୀକରଣ କରିଥିଲେ ସେହିମାନଙ୍କ ପାଇଁ ଶୁଣାଣି ହେବ ବୋଲି ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ କୁହାଯାଇଛି।

## ଧର୍ମେନ୍ଦ୍ର ପ୍ରଧାନ

ରାଜ୍ୟର ଚାଷୀମାନଙ୍କ ପାଇଁ ସରକାର କ୍ୱିଣ୍ଟାଲ ପିଛା ଧାନର ସହାୟକ ମୂଲ୍ୟ ୨୩ ଶହ ଟଙ୍କା ଉପରେ ଅଧିକ ୮ଶହ ଟଙ୍କାର ଇନ୍‌ପୁଟ୍ ସହାୟତା ରାଶି ପ୍ରଦାନ କରୁଛନ୍ତି ବୋଲି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି । ସମ୍ବଲପୁର ସିନ୍ଦୂରପଙ୍କ ସ୍ଥିତ ଜନାର୍ଦ୍ଦନ ପୂଜାରୀ ସରକାରୀ ହାଇସ୍କୁଲର ସୁବର୍ଣ୍ଣ ଜୟନ୍ତୀ ଉତ୍ସବରେ ଗତକାଲି ଯୋଗଦେଇ ଶିକ୍ଷାମନ୍ତ୍ରୀ କହିଛନ୍ତି, ସମ୍ବଲପୁର ଜିଲ୍ଲାରେ ଅଧିକ ଧାନ କିଣାଯିବା ନେଇ ସରକାର ଲକ୍ଷ୍ୟ ରଖିଛନ୍ତି । ସୁଭଦ୍ରା ଯୋଜନା ଦ୍ୱାରା ରାଜ୍ୟର ମହିଳାମାନେ ସଶକ୍ତ ହେଉଛନ୍ତି  ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି ।

## ମାଲ୍ୟବନ୍ତ ମହୋତ୍ସବ ଉଦ୍‌ଯାପନ

ମାଲକାନଗିରି ଜିଲ୍ଲାରେ ଅନୁଷ୍ଠିତ ମାଲ୍ୟବନ୍ତ ମହୋତ୍ସବର ଉଦ୍‌ଯାପନୀ ଉତ୍ସବରେ ଗତକାଲି ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ । ଏହି ଅବସରରେ ଉପମୁଖ୍ୟମନ୍ତ୍ରୀ କହିଥିଲେ, ଜମିହୀନ ଚାଷୀଙ୍କୁ ବର୍ଷକୁ ୧୨ ହଜାର ୫୦୦ ଟଙ୍କା ପ୍ରଦାନ କରାଯାଉଛି । ଚାଷୀଙ୍କୁ କେନ୍ଦ୍ର ସରକାର ବର୍ଷକୁ ୩ଟି କିସ୍ତିରେ ୬ ହଜାର ଟଙ୍କା ପ୍ରଦାନ କରୁଥିବା ବେଳେ ରାଜ୍ୟ ସରକାର ୪ ହଜାର ଟଙ୍କା ପ୍ରଦାନ କରୁଛନ୍ତି ।  ଏହି ଅବସରରେ ସ୍ୱାଭିମାନ ଅଞ୍ଚଳ

ଅନ୍ତର୍ଗତ ଯୋଡ଼ାମ୍ବ ଓ ମନ୍ତ୍ରିପୁଟ ଠାରେ ପ୍ରାଥମିକ ସବ୍‌ଷ୍ଟେସନର ଭିତ୍ତି ପ୍ରସ୍ତର ସ୍ଥାପନ କରିଥିଲେ ।

## ଆଇଏଏସ୍

୨୦୨୩ ସିଭିଲ୍ ସର୍ଭିସ ପରୀକ୍ଷାରେ ଦ୍ୱିତୀୟ ର୍‍ୟାଙ୍କ ପାଇଥିବା ଆଇ.ଏ.ଏସ୍. ଅଧିକାରୀ ଅନିମେଶ ପ୍ରଧାନଙ୍କୁ  ଓଡ଼ିଶା କ୍ୟାଡର ମିଳିଛି । ତାଙ୍କ ସହ ୮ ଜଣଙ୍କୁ ଓଡ଼ିଶା କ୍ୟାଡର ଦିଆଯାଇଛି ।

## ଧନୁସଂକ୍ରାନ୍ତି

ପୁରୀ ଶ୍ରୀମନ୍ଦିରରେ ଆଜି ଧନୁସଂକ୍ରାନ୍ତିରେ ମହାପ୍ରଭୁଙ୍କ ସ୍ୱତନ୍ତ୍ର ପହିଲି ଭୋଗନୀତି ଆରମ୍ଭ ହୋଇଛି । ରାତି ୨ଟାରେ ଦ୍ୱାରଫିଟା ନୀତି ସମ୍ପାଦନ ପରେ ମଙ୍ଗଳଆଳତି, ମଇଲମ, ଅବକାଶ ପୂଜା ଶେଷ କରାଯାଇ ପହିଲିଭୋଗ ନୀତି ହୋଇଛି ।

## ବ୍ୟାଡମିଣ୍ଟନ

କଟକ ଜବାହରଲାଲ ନେହେରୁ ଇନ୍‌ଡୋର ଷ୍ଟାଡିୟମରେ ଆୟୋଜିତ ଓଡ଼ିଶା ମାଷ୍ଟର୍ସ-୨୦୨୪ ଅନ୍ତର୍ଜାତୀୟ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ ଗତକାଲି ଉଦ୍‌ଯାପିତ ହୋଇଛି । ଉଦ୍‌ଯାପନୀ ସମାରୋହରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ବିଜେତାମାନଙ୍କୁ ସମ୍ବର୍ଦ୍ଧିତ କରିଥିଲେ । ସୂଚନା

ଅନୁସାରେ ଏହି ପ୍ରତିଯୋଗିତାରେ ଭାରତ ସମେତ ୨୯ଟି ଦେଶରୁ ପ୍ରାୟ ୩୦୦ କ୍ରୀଡ଼ାବିତ୍ ଭାଗ ନେଇଥିଲେ ।

## କରାଟେ

ନୂଆଦିଲ୍ଲୀର ତାଲକୋଟରା ଷ୍ଟାଡିୟମରେ ଅନୁଷ୍ଠିତ ସର୍ବଭାରତୀୟ ସବ୍‌ଜୁନିୟର କରାଟେ ପ୍ରତିଯୋଗିତାରେ ଓଡ଼ିଶା ୧୦ଟି ସ୍ୱର୍ଣ୍ଣ ସହ ୩୨ଟି ପଦକ ହାସଲ କରିଛି । ଗତକାଲି ଉଦ୍‌ଯାପନୀ ଦିବସରେ ଓଡ଼ିଶାକୁ ୬ଟି ସ୍ୱର୍ଣ୍ଣ, ୬ଟି ରୌପ୍ୟ ଏବଂ ୫ଟି ବ୍ରୋଞ୍ଜ ପଦକ ମିଳିଥିଲା ।

## ଦିବ୍ୟାଙ୍ଗଙ୍କୁ ଉପକରଣ ପ୍ରଦାନ-ମୁଖ୍ୟମନ୍ତ୍ରୀ

ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ପକ୍ଷରୁ ସମ୍ବଲପୁରରେ ଦିବ୍ୟାଙ୍ଗ ଓ ବରିଷ୍ଠ ନାଗରିକଙ୍କୁ ଉପକରଣ ପ୍ରଦାନ ଓ ସହାୟତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । କାର୍ଯ୍ୟକ୍ରମରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି, ଭିନ୍ନକ୍ଷମଙ୍କୁ ସାମାଜିକ ସୁରକ୍ଷା ବ୍ୟବସ୍ଥାରେ ସାମିଲ କରିବା ପାଇଁ ସରକାର ଗୁରୁତ୍ୱ ଦେଉଛନ୍ତି । ଦିବ୍ୟାଙ୍ଗମାନଙ୍କୁ ଆବଶ୍ୟକ ସୁବିଧା ସୁଯୋଗ ଏବଂ ସରକାରୀ ପ୍ରୋତ୍ସାହନ ମିଳିଲେ ସେମାନେ ପ୍ରତ୍ୟେକ କ୍ଷେତ୍ରରେ ଉତ୍କୃଷ୍ଟ ପ୍ରଦର୍ଶନ କରିପାରିବେ । କାର୍ଯ୍ୟକ୍ରମରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ମଧ୍ୟ ଉପସ୍ଥିତ ଥିଲେ । ଏଥିରେ ବିଭିନ୍ନ ଜିଲ୍ଲାରୁ ୫୦୦ ଜଣ ଦିବ୍ୟାଙ୍ଗ ହିତାଧିକାରୀଙ୍କୁ ବ୍ୟାଟେରୀ ଚାଳିତ ଇ-ରିକ୍ସା ବଣ୍ଟନ କରାଯାଇଥିଲା ।

# ପାଣିପାଗ

ରାଜ୍ୟରେ ଶୀତର ପ୍ରକୋପ ବୃଦ୍ଧି ପାଉଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଗତକାଲି ୮ଟି ସହରର ତାପମାତ୍ରା ୧୦ ଡିଗ୍ରୀ ସେଲ୍‌ସିୟସ ତଳେ ରେକର୍ଡ ହୋଇଥିଲା । ରାଉରକେଲା ଓ ଝାରସୁଗୁଡ଼ାରେ ସର୍ବନିମ୍ନ ତାପମାତ୍ରା ୬ ଦଶମିକ ୮ ଡିଗ୍ରୀ ସେଲ୍‌ସିୟସ୍ ରହିଥିଲା ।

ଅପରପକ୍ଷରେ ଆସନ୍ତାକାଲିଠାରୁ ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ, ଗଜପତି, ରାୟଗଡ଼ା, କୋରାପୁଟ, ମାଲକାନଗିରି, କଳାହାଣ୍ଡି ଓ କନ୍ଧମାଳ ଜିଲ୍ଲାର କେତେକ ସ୍ଥାନରେ ସାମାନ୍ୟରୁ ମଧ୍ୟମ ଧରଣର ବର୍ଷା ହେବା ନେଇ ଅନୁମାନ କରାଯାଇଛି ।